ଗ୍ରାମୀଣ କୃଷି ମୌସୁମୀ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଓ ୍ରୈଷୈଷୟିକ ଫିଶ୍ୱଫିଦୟା□ୟ
ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 28-04-2026

କେନ୍ଦ୍ରାପଡା(ଓଡିଶା) - :2026-04-28 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2026-04-29 | 2026-04-30 | 2026-05-01 | 2026-05-02 | 2026-05-03 |
|---|---|---|---|---|---|
| ବର୍ଷା (ମିମି) | 4.0 | 5.0 | 4.0 | 5.0 | 2.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 36.0 | 36.0 | 35.0 | 36.0 | 36.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 23.0 | 23.0 | 23.0 | 24.0 | 24.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 83 | 84 | 84 | 77 | 84 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 50 | 51 | 52 | 48 | 34 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 32 | 27 | 18 | 15 | 8 |
| ପବନର ଦିଗ (ଡିଗ୍ରୀ) | 212 | 190 | 195 | 198 | 211 |
| ମେଘାଚ୍ଛନ (ଅକ୍ଟା) | 3 | 3 | 3 | 3 | 2 |
| ସତର୍କବାଣୀ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି ।; ଗରମ ଦିନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି ।; ଗରମ ଦିନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି ।; ଗରମ ଦିନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି ।; ଗରମ ଦିନ | ଗରମ ଦିନ |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗ ର ପୂର୍ବନୁମାନ ଅନୁସାରେ, ଜିଲ୍ଲାରେ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଅତି ସ୍ୱଳ୍ପ ରୁ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ମୁଖ୍ୟତଃ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୦୮ – ୩୨ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୩୫ - ୩୬ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୨୩ - ୨୪ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

| |
|---|
| ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଅତ୍ୟଧିକ ଗରମ ପାଣିପାଗ ସହିତ ବଜ୍ରପାତ ଓ ବିଜୁଳି ର ସତର୍କତା ଚେତାବନୀ ରହିଛି । |

### ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| □ ଦିନର ତାପମାତ୍ରା ବୃଦ୍ଧି ସହ ଗ୍ରୀଷ୍ମଲହରୀ ପ୍ରବାହର ପୂର୍ବାନୁମାନ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ରହିଥିବାରୁ, ଅଧିକ ଗରମ ସମୟରେ ( ଦିନ 12ଟା ରୁ 4ଟା ) କାମ ନକରିବାକୁ ଏବଂ ଖରା ସମୟରେ ମୁଣ୍ଡ ଓ ବେକକୁ ଢାଙ୍କିବା ପାଇଁ ଚଉଡା ଟୋପି କିମ୍ବା କପଡ଼ା ବ୍ୟବହାର କରିବାକୁ ଚାଷୀମାନଙ୍କୁ ପରାମର୍ଶ ଦିଆ ଯାଉଅଛି । □ ଆଗାମୀ ଦିନରେ ତାପମାତ୍ରା ବୃଦ୍ଧି ହେବାର ସମ୍ଭାବନା ଥିବାରୁ ଗୃହପାଳିତ ପଶୁପକ୍ଷୀ ମାନଙ୍କୁ ଘର ଭିତରେ ରଖନ୍ତୁ ଏବଂ ସେମାନଙ୍କ ପାଇଁ ପର୍ଯ୍ୟାପ୍ତ ପରିମାଣର ଥଣ୍ଡା ପାନୀୟ ଜଳର ବ୍ୟବସ୍ଥା କରନ୍ତୁ । □ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ବିଜୁଳି ଓ ଘଡଘଡି ହେବାର ସମ୍ଭାବନା ରହିଛି । ତେଣୁ, ଚାଷୀ ଭାଇମାନଙ୍କୁ ବଜ୍ରପାତ ସମୟରେ ଖୋଲା ସ୍ଥାନ, ଗଛତଳେ, କିମ୍ବା ପାଣି ଥିବା ସ୍ଥାନ ନିକଟରେ ନ ରହିବାକୁ ପରାମର୍ଶ ଦିଆଯାଉଅଛି । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । |

### ସାଧାରଣ ଉପଦେଶ:

| |
|---|
| □ ପାଣିପାଗର ପୂର୍ବାନୁମାନ କୁ ଲକ୍ଷ୍ୟ କରି, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଅତି ସ୍ୱଳ୍ପ ରୁ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ଥିବାରୁ କୀଟନାଶକ ସିଞ୍ଚନକୁ କିଛି ଦିନ ପାଇଁ ସ୍ଥଗିତ ରଖନ୍ତୁ । □ ମୁଗ, ବିରି, ଚିନାବାଦାମ ଫସଲ ଅମଳ ଉପଯୋଗୀ ହୋଇଥିଲେ ଅମଳ କରି ନିଅନ୍ତୁ ଓ ସୁରକ୍ଷିତ ସ୍ଥାନରେ ରଖନ୍ତୁ । ଅମଳ ହୋଇଥିବା ଫସଲକୁ ସାଇତି ରଖିବା ପାଇଁ ପ୍ରଥମେ ଭଲ ଭାବରେ ଶୁଖାଇ ଦିଅନ୍ତୁ ଓ ସାଇତା ଜାଗା କୁ ଭଲ ଭାବରେ ସଫା କରନ୍ତୁ । □ ଅତ୍ୟଧିକ ପବନରୁ ରକ୍ଷା ପାଇବା ପାଇଁ କଖାରୁ ଜାତୀୟ ପନିପରିବା, ମକା, କଦଳୀ ଓ ଅମୃତଭଣ୍ଡା ଗଛରେ ଢେରା ଦିଅନ୍ତୁ । □ ଯେଉଁ ଜମିରେ ମାଟିର ଆଦ୍ରତା ଅଛି, ସେଠାରେ ପ୍ରଥମ ଖରାଟିଆ ଚାଷ କରି ଦିଅନ୍ତୁ । □ ବର୍ତମାନ ସମୟରେ ଫସଲରେ ରୋଗ ଓ ପୋକ ସଂଖ୍ୟା ବୃଦ୍ଧି ପାଇବାର ସମ୍ଭାବନା ଥିବାରୁ ଫସଲରେ ରୋଗ ପୋକର ଉପସ୍ଥିତି କୁ ନିୟମିତ ନିରୀକ୍ଷଣ କରନ୍ତୁ। □ ଅସ୍ଥାଇ ଛପର ଦ୍ଵାରା ପନିପରିବା ଚାରା ଓ ଫଳ ଗଛକୁ ଉଚ୍ଚ ତାପମାତ୍ରା ରୁ ରକ୍ଷା କରନ୍ତୁ । □ ଖରା ସମୟରେ ବାହାରକୁ ବାହାରୁଥିଲେ, ଓଦା ଗାମୁଛା କିମ୍ବା ଛତା ବ୍ୟବହାର କରନ୍ତୁ । ଠିକ ସମୟରେ ପାଣି ପିଅନ୍ତୁ । □ ଦିନର ତାପମାତ୍ରା ବୃଦ୍ଧି ସହ ଗ୍ରୀଷ୍ମଲହରୀ ପ୍ରବାହର ପୂର୍ବାନୁମାନ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ରହିଥିବାରୁ, ଅଧିକ ଗରମ ସମୟରେ ( ଦିନ 12ଟା ରୁ 4ଟା ) କାମ ନକରିବାକୁ ଏବଂ ଖରା ସମୟରେ ମୁଣ୍ଡ ଓ ବେକକୁ ଢାଙ୍କିବା ପାଇଁ ଚଉଡା ଟୋପି କିମ୍ବା କପଡ଼ା ବ୍ୟବହାର କରିବାକୁ ଚାଷୀମାନଙ୍କୁ ପରାମର୍ଶ ଦିଆ ଯାଉଅଛି । □ ଆଗାମୀ ଦିନରେ ତାପମାତ୍ରା ବୃଦ୍ଧି ହେବାର ସମ୍ଭାବନା ଥିବାରୁ ଗୃହପାଳିତ ପଶୁପକ୍ଷୀ ମାନଙ୍କୁ ଘର ଭିତରେ ରଖନ୍ତୁ ଏବଂ ସେମାନଙ୍କ ପାଇଁ ପର୍ଯ୍ୟାପ୍ତ ପରିମାଣର ଥଣ୍ଡା ପାନୀୟ ଜଳର ବ୍ୟବସ୍ଥା କରନ୍ତୁ । □ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ବିଜୁଳି ଓ ଘଡଘଡି ହେବାର ସମ୍ଭାବନା ରହିଛି । ତେଣୁ, ଚାଷୀ ଭାଇମାନଙ୍କୁ ବଜ୍ରପାତ ସମୟରେ ଖୋଲା ସ୍ଥାନ, ଗଛତଳେ, କିମ୍ବା ପାଣି ଥିବା ସ୍ଥାନ ନିକଟରେ ନ ରହିବାକୁ ପରାମର୍ଶ ଦିଆଯାଉଅଛି । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । □ ଆଗାମୀ ଦିନରେ ସମୁଦ୍ର ଅଶାନ୍ତ ରହିବାର ସମ୍ଭାବନା ଥିବାରୁ ମତ୍ସ୍ୟଜୀବୀମାନଙ୍କୁ ୨୮ ଏପ୍ରିଲ୍ ଠାରୁ ୨ ମେ’ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଓ ନିକଟବର୍ତ୍ତୀ ସମୁଦ୍ରକୁ ନ ଯିବା ପାଇଁ ପରାମର୍ଶ ଦିଆଯାଉଅଛି । |

### ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| □ ଆଗାମୀ ଦିନରେ ସମୁଦ୍ର ଅଶାନ୍ତ ରହିବାର ସମ୍ଭାବନା ଥିବାରୁ ମତ୍ସ୍ୟଜୀବୀମାନଙ୍କୁ ୨୮ ଏପ୍ରିଲ୍ ଠାରୁ ୨ ମେ’ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଓ ନିକଟବର୍ତ୍ତୀ ସମୁଦ୍ରକୁ ନ ଯିବା ପାଇଁ ପରାମର୍ଶ ଦିଆଯାଉଅଛି । |

### ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | □ ଧାନ କେଣ୍ଡା ରେ ଶତକଡା ୮୫ ଭାଗ ଧାନ ପାଚି ଯାଇଥିଲେ ଶୀଘ୍ର ଅମଳ କରିନିଅନ୍ତୁ । କଟା ହୋଇଥିବା ଧାନ କୁ ଖଳା କିମ୍ବା ସୁରକ୍ଷିତ ସ୍ଥାନ କୁ ନେଇ ସାଇତି ରଖନ୍ତୁ । □ କେଣ୍ଡାକାଟା ପୋକ- ଧାନରେ କେଣ୍ଡାକାଟା ପୋକ ଦେଖାଦେଲେ Quinalphos ୨୫ EC ୪୦୦ ମିଲି କିମ୍ବା Chlorpyriphos ୨୦EC ଏକର ପ୍ରତି ୨୦୦ ଲିଟର ପାଣି ରେ ମିଶାଇ ସକାଳ ସମୟରେ ଧାନ ଗଛ ମୂଳ ରେ ଶୁଖିଲା ପାଗ ଦେଖି ସିଂଚନ କରନ୍ତୁ । |
| ଆଖୁ | □ ଆଖୁରେ କଳାଛାଟ ରୋଗ ନହେବା ପାଇଁ ବିହନ ଲଗାଇବା ସମୟରେ ପୁଆକୁ ଲିଟର ପ୍ରତି ୧-୧.୫ ଗ୍ରାମ Carbendazim ଦ୍ରବଣ ରେ ୧୫-୨୦ ମିନିଟ ବୁଡାଇ ରଖି ଲଗାଇବା ଉଚିତ । ପ୍ରାଥମିକ ଅବସ୍ଥାରେ ଏହି ରୋଗର ନିରାକରଣ ପାଇଁ ରୋଗାକ୍ରାନ୍ତ ଅଂଶକୁ ସଂଗ୍ରହ କରି ଦୂରରେ ଫୋପାଡି ଦିଅନ୍ତୁ । ରାସାୟନିକ ଉପାୟରେ ଏହାର ନିରାକରଣ ପାଇଁ ଶୁଖିଲା ପାଗ ଦେଖି ଏକର ପ୍ରତି ୨୦୦ ଗ୍ରାମ Triadimefon କିମ୍ବା ୬୦୦ ଗ୍ରାମ Carboxin ଓ Thiram ର ମିଳିତ ଫିମ୍ପିନାଶକ ପତ୍ର ସିଂଚନ କରନ୍ତୁ । |
| ବାଦାମ | □ ଅମଳ ପରବର୍ତୀ ଯତ୍ନ – ଅମଳ ପରେ ଚିନାବାଦାମକୁ ପଲିଥିନ ଯୁକ୍ତ ବସ୍ତାରେ ସାଇତି ରଖନ୍ତୁ ଯଦ୍ଵାରା ବାୟୁମଣ୍ଡଳର ଆର୍ଦ୍ରତା ବସ୍ତା ଭିତରକୁ ପ୍ରବେଶ କରିବ ନାହିଁ। ପ୍ରତି ୩୦ କିଲୋଗ୍ରାମ ବିହନ ନିମନ୍ତେ ୨୫୦ ଗ୍ରାମ କାଲସିଅମ କ୍ଲୋରାଇଡ କୁ କପଡ଼ାରେ ବାନ୍ଧି ଗୋଟିଏ ପ୍ଲାଷ୍ଟିକ ଡବାରେ ଝୁଲାଇ ଦିଅନ୍ତୁ ଏବଂ ଡବାର ମୁହଁକୁ ବନ୍ଦ କରି ବସ୍ତା ଭିତରେ ମଝି ସ୍ଥାନରେ ରଖନ୍ତୁ। ଡବା ଭିତରକୁ ବାୟୁ ପ୍ରବେଶ ପାଇଁ ଡବାର ଉପରି ଭାଗରେ ମୋଟା ଛୁଞ୍ଚି ଦ୍ଵାରା କିଛି ଛିଦ୍ର କରିଦିଅନ୍ତୁ। ତାପରେ ବସ୍ତା ମୁହଁକୁ ବାନ୍ଧି ବସ୍ତାଟିକୁ ସିଧା ଭାବରେ ବାୟୁ ଚଳାଚଳ କରୁଥିବା ଘରେ ସାଇତି ରଖନ୍ତୁ। ଏହା ଦ୍ଵାରା ଚିନାବାଦାମର ଗଜା ହେବା ଶକ୍ତି ୮ ରୁ ୧୦ ମାସ ପର୍ଯ୍ୟନ୍ତ ସୁରକ୍ଷିତ ରହିବ। |

**ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବାଇଗଣ | □ ଗଣ୍ଡି ଏବଂ ଫଳ ବିନ୍ଧା ପୋକର ପରିଚାଳନା ପାଇଁ ପ୍ରଥମେ ଜମିରୁ ଆକ୍ରାନ୍ତ ଡାଳ, ପତ୍ର ଓ ଫଳଗୁଡ଼ିକୁ ସଂଗ୍ରହ କରି ଦୁରରେ ନଷ୍ଟ କରିଦିଅନ୍ତୁ ଏବଂ ଏକର ପ୍ରତି, Leucin Lure ଥିବା ସଙ୍ଗ ଆକର୍ଷକ ଯନ୍ତାରୁ ୨୦ ଟି ରଖନ୍ତୁ। ପ୍ରାଥମିକ ଅବସ୍ଥାରେ ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ। ବାଇଗଣ ଫସଲ ରେ ଯଦି, ଶତକଡା ୪ ଭାଗ ଅଗ ଝାଉଁଳା ବା ଶତକଡା ୧୪ ଭାଗ ପୋକଡା ଫଳ ଦେଖୁଛନ୍ତି ଏକର ପ୍ରତି ୭୫ ମି.ଲି Spinosad କିମ୍ବା ୮୦ ଗ୍ରାମ Emamectin Benzoate ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ଏହି କୀଟନାଶକ ମଧ୍ଯରୁ ଯେକୌଣସି ଗୋଟିଏ କୁ ବାରମ୍ବାର ପ୍ରୟୋଗ ନ କରି ଅଦଳ ବଦଳ କରି ପ୍ରତି ୧୫-ଦିନ ଅନ୍ତର ରେ ଶୁଖିଲା ପାଗ ଦେଖି ସିଞ୍ଚନ କରନ୍ତୁ । |
| ଭେଣ୍ଡୀ | □ ଭେଣ୍ଡି ଫସଲରେ ସାହେବୀ ରୋଗର ପରିଚାଳନା ପାଇଁ ଏହାର ବାହକ ଧଳା ମାଛି ନିୟନ୍ତ୍ରଣ ନିହାତି ଜରୁରୀ । ଗଛ ୨-୩ ପତ୍ର ହେବା ଅବସ୍ଥାରେ ଏକର ପ୍ରତି ୮-୧୦ଟି ହଳଦିଆ ଅଠା ଯୁକ୍ତ ଯନ୍ତା ବସାନ୍ତୁ । ଶୁଖିଲା ପାଗ ଦେଖି ଏକର ପ୍ରତି ୪୦ ଗ୍ରାମ Thiamethoxam କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| କଲରା | □ ବର୍ତମାନ ସମୟରେ କଖାରୁ ଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି, ଇତ୍ୟାଦି ଫସଲ ରେ ଫଳମାଛି ଲାଗିବାର ସମ୍ଭାବନା ରହିଛି । ଫଳମାଛି ର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି ପ୍ରଥମେ ୪ ଲିଟର ପାଣି ରେ ୪୦୦ ଗ୍ରାମ ଗୁଡ ଓ ୮ ମିଲି malathion ବା DDVP କୀଟନାଶକ ମିଶାଇ ବିଷ ଥୋପ ପ୍ରସ୍ତୁତ କରନ୍ତୁ। ଏହି ବିଷ ଥୋପ କୁ ଏକ ଏକର କଖାରୁ ଜାତୀୟ ପନିପରିବା ଫସଲ ରେ ୮୦ ଟି ସ୍ଥାନରେ ଛୋଟ ସରେଇ କିମ୍ବା ମାଟିରେ କିମ୍ବା ପ୍ଲାଷ୍ଟିକ କପରେ ରଖି ଗଛ ମୂଳ ରେ ରଖନ୍ତୁ। ଏହା କରିବା ଦ୍ଵାରା ଫଳମାଛି ଗୁଡିକ ଏହି ବିଷ ଥୋପ ପ୍ରତି ଆକୃଷ୍ଟ ହୋଇ ଆସି ସେଥିରେ ପଡି ମରିଯିବେ । |
| ଆମ୍ବ | □ ବର୍ଷା ଓ ପବନରୁ ଆମ୍ବକୁ ରକ୍ଷା କରିବା ପାଇଁ ଆମ୍ବ ଗଛରେ ଜାଲ ଲଗାନ୍ତୁ । |
| ନଡ଼ିଆ | □ ନଡିଆ ଗଛରେ କାଳିମୁଣ୍ଡି ପୋକର ନିରାକରଣ କରିବା ପାଇଁ ବ୍ରାକୋନ କାର୍ଡ ଜୈବ ପରୀକ୍ଷାଗାରରୁ ଆଣି ଗଛ ବାହୁଙ୍ଗାରେ ବାନ୍ଧି ଦିଅନ୍ତୁ । ଅଧିକ ଆକ୍ରାନ୍ତ ବାହୁଙ୍ଗା କୁ କାଟି ପୋଡି ଦିଅନ୍ତୁ । ଶୁଖିଲା ପାଗ ଦେଖି ୧୦ ଲିଟର ପାଣିରେ Chlorantraniliprole ୧୮.୫ % SC @ ୪ ମିଲି କିମ୍ବା Emamectin Benzoate ୫ % SG @ ୪ ଗ୍ରାମ ମିଶାଇ ପତ୍ରରେ ସିଞ୍ଚନ କରନ୍ତୁ । |

### ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ବର୍ତମାନ ସମୟରେ ସ୍ଥିତିକୁ ଧ୍ୟାନରେ ରଖି ପଶୁମାନଙ୍କୁ ସୁସ୍ଥ ରଖିବା ପାଇଁ ସେମାନଙ୍କୁ ଉଚିତ ପରିମାଣରେ ତାଜା ଥଣ୍ଡା ପାନୀୟ ଜଳ ସହିତ ଖଣିଜ ମିଶ୍ରଣ ଯୋଗାଇବାର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି । ଗାଈ ଗୋରୁ ମାନଙ୍କୁ ପରିଷ୍କାର ଏବଂ ଦରକାର ଅନୁଯାଇ ପାଣି ଦିଅନ୍ତୁ । ଆଗକୁ ବିଜୁଳି ଓ ଘଡଘଡିର ସମ୍ଭାବନା ଥିବାରୁ ଗାଈଗୋରୁ ମାନଙ୍କୁ ନଦୀ, ପୋଖରୀ ଓ କୃଷି ଯନ୍ତ୍ରପାତି ଠାରୁ ଦୂରେଇ ରୁହନ୍ତୁ । ଗଛ ତଳେ ଜମାବାନ୍ଧି ଆଶ୍ରୟ ପାଇଁ ଛାଡନ୍ତୁ ନାହିଁ । |

### ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଇଣ୍ଡିଆନ ମେଜର କାର୍ପ | ବର୍ତମାନ ସମୟରେ ଦିନର ତାପମାତ୍ରା ବଢିବା ସହ ସହ ଗ୍ରୀଷ୍ମ ଲହରୀ ପ୍ରବାହ ହେଉଥିବାରୁ ପୋଖରୀ ର ଜଳର ଗଭୀରତା ସତେଜ ପାଣି ଭର୍ତି କରି ୧ ମିଟର ବଢ଼ାଇ ଦିଅନ୍ତୁ । ଦାନା ର ପରିମାଣ ୧୦ ରୁ ୨୦ ପ୍ରତିଶତ କମ କରିଦିଅନ୍ତୁ ଏବଂ ପୋଖରୀ ଭିତରକୁ ଥଣ୍ଡା ପାଣି ପ୍ରବେଶ ପାଇଁ ବ୍ୟବସ୍ଥା କରନ୍ତୁ ଯେପରିକି ପାଣିର ତାପମାତ୍ରା ୧୩ ରୁ ୧୮ ଡିଗ୍ରୀ ସେଲସିୟସ ବଜାୟ ରହିବ । |

### ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| ଦିନର ତାପମାତ୍ରା ବୃଦ୍ଧି ସହ ଗ୍ରୀଷ୍ମଲହରୀ ପ୍ରବାହର ପୂର୍ବାନୁମାନ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ରହିଥିବାରୁ, ଅଧିକ ଗରମ ସମୟରେ ( ଦିନ 12ଟା ରୁ 4ଟା ) କାମ ନକରିବାକୁ ଏବଂ ଖରା ସମୟରେ ମୁଣ୍ଡ ଓ ବେକକୁ ଢାଙ୍କିବା ପାଇଁ ଚଉଡା ଟୋପି କିମ୍ବା କପଡ଼ା ବ୍ୟବହାର କରିବାକୁ ଚାଷୀମାନଙ୍କୁ ପରାମର୍ଶ ଦିଆ ଯାଉଅଛି । ଆଗାମୀ ଦିନରେ ତାପମାତ୍ରା ବୃଦ୍ଧି ହେବାର ସମ୍ଭାବନା ଥିବାରୁ ଗୃହପାଳିତ ପଶୁପକ୍ଷୀ ମାନଙ୍କୁ ଘର ଭିତରେ ରଖନ୍ତୁ ଏବଂ ସେମାନଙ୍କ ପାଇଁ ପର୍ଯ୍ୟାପ୍ତ ପରିମାଣର ଥଣ୍ଡା ପାନୀୟ ଜଳର ବ୍ୟବସ୍ଥା କରନ୍ତୁ । ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ବିଜୁଳି ଓ ଘଡଘଡି ହେବାର ସମ୍ଭାବନା ରହିଛି । ତେଣୁ, ଚାଷୀ ଭାଇମାନଙ୍କୁ ବଜ୍ରପାତ ସମୟରେ ଖୋଲା ସ୍ଥାନ, ଗଛତଳେ, କିମ୍ବା ପାଣି ଥିବା ସ୍ଥାନ ନିକଟରେ ନ ରହିବାକୁ ପରାମର୍ଶ ଦିଆଯାଉଅଛି । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । |

### ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**